## ଜୁଲାଇରେ କୋଭିଡ୍ ମୁକାବିଲା

# ଜିଲ୍ଲାପାଳ ଓ ଏସ୍‌ପିଙ୍କ ସହ ମୁଖ୍ୟମନ୍ତ୍ରୀଙ୍କ ଆଲୋଚନା

**ଭୁବନେଶ୍ୱର, ୨ ୯୬/ଏନ୍‌ଏନ୍‌ଏସ୍:**

ରାଜ୍ୟରେ କରୋନା ସଂକ୍ରମଣ ବଢ଼ିଚାଲିଥିବା ବେଳେ ଜୁଲାଇ ମାସ ପାଇଁ ରଣନୀତି ଦୃଢ଼ାନ୍ତ କରିବାକୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସୋମବାର ସନ୍ଧ୍ୟାରେ ଭିଡିଓ କନ୍‌ଫରେନ୍‌ସିଂ ଜରିଆରେ ବରିଷ୍ଠ ଅଫିସର, ଜିଲ୍ଲାପାଳ ଓ ଏସ୍‌ପିମାନଙ୍କୁ ସହିତ ଆଲୋଚନା କରିଛନ୍ତି। କୋଭିଡ ପରିଚାଳନାରେ ଜିଲ୍ଲାପାଳ ଓ ଏସ୍‌ପିମାନେ ସେମାନଙ୍କର ଗତ ତିନି ମାସର ଅଭିଜ୍ଞତା ବର୍ଣ୍ଣନା କରିବା ସହିତ ଜୁଲାଇ ମାସରେ କୋଭିଡ ମୁକାବିଲା ପାଇଁ ସେମାନଙ୍କର ସୁଚିନ୍ତିତ ମତାମତ ଦେଇଛନ୍ତି। ସେମାନଙ୍କ ମତାମତ ଭିତ୍ତିରେ ରାଜ୍ୟ ସରକାର କୋଭିଡ୍ ପରିଚାଳନା ପାଇଁ ବିସ୍ତୃତ ରଣନୀତି ନିର୍ଦ୍ଧାରଣ କରିବେ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ।

ବୈଠକରେ ଜିଲ୍ଲାପାଳ, ଏସ୍‌ପି ଓ ବରିଷ୍ଠ ଅଧିକାରୀମାନଙ୍କୁ ପରାମର୍ଶ ଦେଇ ମୁଖ୍ୟମନ୍ତ୍ରୀ କୋଭିଡ ଯୋଦ୍ଧାଙ୍କ ସ୍ୱାସ୍ଥ୍ୟର ଯତ୍ନ ଉପରେ ଗୁରୁତ୍ୱାରୋପ କରିଥିଲେ। ଲୋକଙ୍କ ସୁରକ୍ଷା ପାଇଁ ସେମାନେ ଅନେକ ତ୍ୟାଗ କରୁଛନ୍ତି। ତେଣୁ ସେମାନଙ୍କୁ ନିଜର ସୁରକ୍ଷା ସଂପର୍କରେ ସଚେତନ କରାଯିବା ଦରକାର ଓ ଏହା ବହୁତ ଗୁରୁତ୍ୱପୂର୍ଣ୍ଣ ବୋଲି ସେ କହିଥିଲେ। ମୁଖ୍ୟମନ୍ତ୍ରୀ କହିଥିଲେ ଯେ ସେ ନିଜେ ସଂକ୍ରମିତ କୋଭିଡ ଯୋଦ୍ଧାମାନଙ୍କ ସହିତ ଫୋନ୍‌ରେ କଥା ହୋଇ ସେମାନଙ୍କ ଭଲମନ୍ଦ ବୁଝୁଛନ୍ତି। ବର୍ତ୍ତମାନ ପର୍ଯ୍ୟନ୍ତ ସେମାନଙ୍କର ଫିଡବ୍ୟାକ୍ ବହୁତ ଭଲ ଅଛି। ବରିଷ୍ଠ ଅଧିକାରୀମାନେ ମଧ୍ୟ ସେହିଭଳି ଭାବେ ସଂକ୍ରମିତ କୋଭିଡ ଯୋଦ୍ଧାଙ୍କ ସହିତ ଆଲୋଚନା କରିବା ପାଇଁ ସେ ପରାମର୍ଶ ଦେଇଥିଲେ। ଏହାଦ୍ୱାରା ଯୋଦ୍ଧା ମାନଙ୍କ ମନୋବଳ ବୃଦ୍ଧି ପାଇବ ବୋଲି ସେ ମତ ଦେଇଥିଲେ।

ବିଭିନ୍ନ ସରକାରୀ ଅଫିସମାନେ ଯେପରି ସଂକ୍ରମଣମୁକ୍ତ ରହିବେ ତାହା ଉପରେ ମୁଖ୍ୟମନ୍ତ୍ରୀ ଗୁରୁତ୍ୱ ଆରୋପ କରିଥିଲେ । କୋଭିଡ ନିୟମର କଡ଼ାକଡି ଅନୁପାଳନ କରି ସରକାରୀ କାର୍ଯ୍ୟାଳୟ ଗୁଡିକୁ ଶୂନ୍ୟ ସଂକ୍ରମଣ ଅଞ୍ଚଳ କରି ରଖିବା, କର୍ମଚାରୀମାନେ କ'ଣ କରିବେ, କ'ଣ ନ କରିବେ ସେ ସଂପର୍କରେ ବ୍ୟାପକ ସଚେତନ କରିବାକୁ ସେ ପରାମର୍ଶ ଦେଇଥିଲେ। ସବୁ କାର୍ଯ୍ୟାଳୟର ମୁଖ୍ୟ ଏଥିପାଇଁ ଦାୟୀ ରହିବେ ବୋଲି ମୁଖ୍ୟମନ୍ତ୍ରୀ ସତର୍କ କରି ଦେଇଛନ୍ତି।

କୋଭିଡ ସଂକ୍ରମଣ ରୋକିବାରେ ମାସ୍କର ବିଶେଷ ଗୁରୁତ୍ୱ ରହିଛି। ତେଣୁ ମାସ୍କର ଉପଯୁକ୍ତ ବ୍ୟବହାର ଓ ସାମାଜିକ ଦୂରତା ନିୟମର କଡ଼ାକଡ଼ି ପାଳନ ସହିତ ଉଲ୍ଲଘଂନ କ୍ଷେତ୍ରରେ କଡ଼ା ▶▶ ୭